ପ୍ରମେୟ
THE PRAMEYA

27.11.2021

# 'ସମ୍ବିଧାନ ଦିବସ' ପାଳନ କଲା ଭୁବନେଶ୍ୱର ଆଇଆଇଟି




ଭୁବନେଶ୍ୱର,୨୬।୧୧(ବ୍ୟୁରୋ): କେନ୍ଦ୍ର ସଂସଦୀୟ ବ୍ୟାପାର ମନ୍ତ୍ରାଳୟ ପକ୍ଷରୁ 'ସମ୍ବିଧାନ ଦିବସ' ପାଳିତ ହୋଇଛି। କାର୍ଯ୍ୟକ୍ରମରେ ଭୁବନେଶ୍ୱର ଆଇଆଇଟି ସାମିଲ ହୋଇଥିଲା। ରାଷ୍ଟ୍ରପତି ରାମନାଥ କୋବିନ୍ଦ, ଉପରାଷ୍ଟ୍ରପତି ଏମ୍. ଭେଙ୍କେୟା ନାଇଡୁ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି, ସଂସଦୀୟ ବ୍ୟାପାର ମନ୍ତ୍ରୀ ପ୍ରହଲ୍ଲାଦ ଯୋଶୀ, ଲୋକସଭା ବାଚସ୍ପତି ଓମ୍ ବିର୍ଲା ପ୍ରମୁଖ ଯୋଗ ଦେଇଥିଲେ। ଏହି ଅବସରରେ ରାଷ୍ଟ୍ରପତି ଶପଥ ପାଠ କରାଇଥିଲେ। ଲାଇଭ୍ ଟେଲିକାଷ୍ଟ ମାଧ୍ୟମରେ ଛାତ୍ରଛାତ୍ରୀ ଶପଥ ପାଠ କରିଥିଲେ। ଆଇଆଇଟି ଭୁବନେଶ୍ୱରର ନିର୍ଦ୍ଦେଶକ ପ୍ରଫେସର ଆର୍. ଭି ରାଜା କୁମାର ଅନୁଷ୍ଠାନରେ କରାଯାଇଥିବା କାର୍ଯ୍ୟକ୍ରମରେ ସଭାପତିତ୍ୱ କରିଥିଲେ। କାର୍ଯ୍ୟକ୍ରମରେ ରେଜିଷ୍ଟ୍ରାର, ଡିନ୍, ଫ୍ୟାକଲ୍ଟି ଓ ଛାତ୍ରଛାତ୍ରୀ ଉପସ୍ଥିତ ଥିଲେ।